**ଗ୍ରାମୀଣ କୃଷି ମୌସୁମୀ ସେବା**

ଭାରତୀୟ ପାଣିପାଗ ବିଭାଗ

ଓଡ଼ିଶା କୃଷି ଏବଂ ପ୍ରଯୁକ୍ତିବିଦ୍ୟା ବିଶ୍ୱବିଦ୍ୟାଳୟ

ଭୁବନେଶ୍ୱର, ଓଡିଆ

# କୃଷି ଉପଦେଶ ପ୍ରସାରିତ ସମାଚାର

ତାରିଖ : 30-01-2024

ଗଜପତି(ଓଡିଶା) - :2024-01-30 ( ଆସନ୍ତା ପାଞ୍ଚଦିନର ୦୮.୩୦ ଭାରତୀୟ ମାନକ ସମୟ ପର୍ଯ୍ୟନ୍ତ)

| ପାଣିପାଗ କାରକ | 2024-01-31 | 2024-02-01 | 2024-02-02 | 2024-02-03 | 2024-02-04 |
|---|---|---|---|---|---|
| ବର୍ଷା (ମିମି) | 0.0 | 0.0 | 0.0 | 0.0 | 0.0 |
| ସର୍ବାଧିକ ତାପମାତ୍ରା (°ସେଲସିୟସ) | 31.0 | 31.0 | 30.0 | 30.0 | 30.0 |
| ସର୍ବନିମ୍ନ ତାପମାତ୍ରା (°ସେଲସିୟସ) | 18.0 | 18.0 | 18.0 | 18.0 | 16.6 |
| ଆପେକ୍ଷିକ ଆର୍ଦ୍ରତା I (ପ୍ରତିଶତ) | 78 | 73 | 94 | 76 | 67 |
| ଆପେକ୍ଷିକ ଆର୍ଦ୍ରତା II (ପ୍ରତିଶତ) | 25 | 27 | 27 | 31 | 19 |
| ପବନର ବେଗ (କିମି ପ୍ରତି ଘଣ୍ଟା) | 6 | 6 | 8 | 7 | 5 |
| ପବନର ଦିଗ (ଡିଗ୍ରୀ) | 199 | 202 | 205 | 261 | 165 |
| ମେଘାଚ୍ଛନ (ଅକ୍ଟା) | 0 | 2 | 4 | 2 | 0 |

## ପାଣିପାଗ ସାରାଂଶ/ସତର୍କ:

ଭାରତ ପାଣିପାଗ ବିଭାଗ ରୁ ମିଳିଥିବା ପାଣିପାଗ ପୂର୍ବାନୁମାନ ଅନୁଯାୟୀ, ଜିଲ୍ଲାରେ ଶନିବାର ଦିନ ପର୍ଯ୍ୟନ୍ତ ପାଗ ଶୁଖିଲା ରହିବା ସହିତ ଆକାଶ ସ୍ୱଚ୍ଛ ରୁ ଆଂଶିକ ମେଘୁଆ ରହିବାର ସମ୍ଭାବନା ରହିଛି । ଆସନ୍ତା ପାଞ୍ଚ ଦିନ ପର୍ଯ୍ୟନ୍ତ ପବନର ବେଗ ୦୫.୦ ରୁ ୦୮.୦ କିଲୋମିଟର ପ୍ରତି ଘଣ୍ଟା ମଧ୍ୟରେ ରହିବାର ସମ୍ଭାବନା ରହିଛି । ଦୈନିକ ସର୍ବାଧିକ ଏବଂ ସର୍ବନିମ୍ନ ତାପମାତ୍ରା ଯଥାକ୍ରମେ ୩୦.୦° ସେଲସିୟସ ରୁ ୩୧.୦° ସେଲସିୟସ ଏବଂ ୧୭.୦° ସେଲସିୟସ ରୁ ୧୮.୦° ସେଲସିୟସ ମଧ୍ୟରେ ରହିବାର ସମ୍ଭାବନା ରହିଛି । ସକାଳେ ଏବଂ ଅପରାହ୍ନରେ ଆପେକ୍ଷିକ ଆର୍ଦ୍ରତା ଯଥାକ୍ରମେ ୬୭ ରୁ ୯୪ ଶତକଡା ଏବଂ ୧୯ ରୁ ୩୧ ଶତକଡା ମଧ୍ୟରେ ରହିପାରେ ।

## ସାଧାରଣ ଉପଦେଶ:

ଗଜପତି ଜିଲ୍ଲାରେ ଗତ ସପ୍ତାହରେ ହାରାହାରି ସର୍ବାଧିକ ଦୈନିକ ତାପମାତ୍ରା ୩୧.୦° ସେଲସିୟସ ଏବଂ ହାରାହାରି ସର୍ବନିମ୍ନ ଦୈନିକ ତାପମାତ୍ରା ୧୭.୪° ସେଲସିୟସ ଥିଲା । ଗତ ସପ୍ତାହରେ ଜିଲ୍ଲାରେ ୦୯.୬ ମିଲିମିଟର ବର୍ଷା ହୋଇଅଛି । ବର୍ତ୍ତମାନ ଶୁଖିଲା ପାଗ ରହୁଥିବାରୁ ଚାଷୀ ଭାଇ ମାନେ ଫସଲରେ ଜଳସେଚନ ର ବ୍ୟବସ୍ଥା କରନ୍ତୁ । ଡାଲୁଅ ଧାନ ନିମନ୍ତେ ମୁଖ୍ୟ ଜମି ପ୍ରସ୍ତୁତ କରନ୍ତୁ ଓ ୨୧ ଦିନିଆ ତଳି ୪ ରୁ ୫ ପତ୍ର ହେବା ଅବସ୍ଥାରେ ମୁଖ୍ୟ ଜମିରେ ରୋପଣ କରନ୍ତୁ । ପ୍ରତି ହିଡରେ ୧୫ ସେମି ବ୍ୟବଧାନରେ ୨ ରୁ ୩ ଟି ଚାରା ଲଗାନ୍ତୁ ଓ ହିଡ କୁ ହିଡ ୧୦ ସେମି ବ୍ୟବଧାନ ରଖନ୍ତୁ ।

## ମୋବାଇଲ ରେ ପଠାଯାଉଥିବା ସଂକ୍ଷିପ୍ତ ଉପଦେଶ:

ମାଟିର ଆର୍ଦ୍ରତା କୁ ଧ୍ୟାନରେ ରଖି ରବି ଫସଲକୁ ୭ ରୁ ୮ ଦିନ ବ୍ୟବଧାନରେ ୧୦ ରୁ ୧୫ ଥର ଜଳସେଚନ କରନ୍ତୁ ।

## ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ଶସ୍ୟ | ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଧାନ | ଯେଉଁ ଚାଷୀ ଭାଇ ଓ ଭଉଣୀ ମାନେ ଧାନ ତଳି ରୋଇବାକୁ ଯାଉଛନ୍ତି, ମୂଳସାର ହିସାବରେ ଶେଷ କାଦୁଅ କରିବା ସମୟରେ ଏକର ପ୍ରତି ୩୫ କିଲୋଗ୍ରାମ ଡିଏପି, ୩୦ କିଲୋଗ୍ରାମ ମ୍ୟୁରେଟ ଅଫ ପଟାସ ଏବଂ ୮ କିଲୋଗ୍ରାମ ୟୁରିଆ ସାର ପ୍ରୟୋଗ କରନ୍ତୁ । ଜମିରେ ଜିଙ୍କ ଅଣୁସାର ଅଭାବ ଦେଖାଯାଉଥିଲେ ପ୍ରତି ୩ ବର୍ଷରେ ଏକର ପ୍ରତି ୧୦ କିଲୋଗ୍ରାମ ଜିଙ୍କ ସଲଫେଟ ୨୧ ଶତକଡା ଅଣୁସାର କୁ ଶେଷ କାଦୁଅ କରିବା ସମୟରେ ପ୍ରୟୋଗ କରନ୍ତୁ । ୨୦ ରୁ ୨୫ ଦିନ ର ତଳି କୁ ଧାଡିରେ ୨୦ ସେମି ଏବଂ ଗଛ କୁ ଗଛ ୧୫ ସେମି ବ୍ୟବଧାନ ରେ ରଖି ବୁଦା ପ୍ରତି ୨-୩ ଟି ତଳି ଲଗାନ୍ତୁ । |
| ବିରି | ମୁଗ ଓ ବିରି ଫସଲରେ ପାଉଁଶିଆ ରୋଗର ପରିଚାଳନା ପାଇଁ ଏକର ପ୍ରତି ୮୦୦ ଗ୍ରାମ Sulphur ନାମକ ଫିମ୍ପିନାଶକ କିମ୍ବା ୩୦୦ ମିଲି Hexaconazole ନାମକ ଫିମ୍ପିନାଶକ କିମ୍ବା ୨୦୦ ମିଲି Propiconazole ନାମକ ଫିମ୍ପିନାଶକ କିମ୍ବା ୧୦୦ ମିଲି Penconazole ନାମକ ଫିମ୍ପିନାଶକ କୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |
| ସୋରିଷ | ଆଗରୁ ବୁଣା ଯାଇଥିବା ସୋରିଷ ଫସଲରେ ବର୍ତମାନ ସମୟରେ ଜଉ ପୋକ ଲାଗିବାର ସମ୍ଭାବନା ଅଛି । ପ୍ରାଥମିକ ଅବସ୍ଥାରେ ଜଉ ପୋକର ପରିଚାଳନା ପାଇଁ ଏକର ପ୍ରତି ୮-ଟି ହଳଦିଆ ଅଠାଯୁକ୍ତ ଯନ୍ତା ରଖନ୍ତୁ । ଏକର ପ୍ରତି ୬୦୦ ମିଲି ନିମ୍ବଜାତ କୀଟନାଶକ ୧୫୦୦ ପିପିଏମ କୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । ପୋକ ଆକ୍ରମଣ ଅଧିକ ଦେଖାଦେଲେ ରାସାୟନିକ ଉପାୟରେ ପୋକ ପରିଚାଳନା ପାଇଁ ଏକର ପ୍ରତି ୪୦ ଗ୍ରାମ Thiamethoxam ନାମକ କୀଟନାଶକ କିମ୍ବା ୫୦ ଗ୍ରାମ Acetamiprid ନାମକ କୀଟନାଶକ କୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |

## ଉଦ୍ୟାନକୃଷି ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ଉଦ୍ୟାନକୃଷି | ଉଦ୍ୟାନକୃଷି ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଯଚଟଁନ୍ୟାୄଠ | ଲଙ୍କା ଫସଲରେ ବର୍ତ୍ତମାନ ସମୟରେ ଶୋଷକ ପୋକ ଯଥା ଜଉ ପୋକ ଓ ପତ୍ର ଉକୁଣି ପୋକ ସମ୍ଭାବନା ରହିଛି । ପ୍ରାଥମିକ ଅବସ୍ଥାରେ ଏହି ପୋକର ପରିଚାଳନା ପାଇଁ ଏକର ପ୍ରତି ୬୦୦ ମିଲି ନିମ୍ବ ଆଧାରିତ କୀଟନାଶକ କୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । ରାସାୟନିକ ଉପାୟରେ ଏକର ପ୍ରତି ୪୦ ଗ୍ରାମ ଥାୟମେଥୋକଜାମ ନାମକ କୀଟନାଶକ କିମ୍ବା ୫୦ ଗ୍ରାମ ଏସିଟାମିପ୍ରିଡ ନାମକ କୀଟନାଶକ କିମ୍ବା ୪୦୦ ମିଲି ପ୍ରୋଫେନୋଫସ ଓ ଫେନପାଇରୋକ୍ସିମାଇଟ ର ମିଳିତ କୀଟନାଶକ କୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |
| ଲଙ୍କା | ଲଙ୍କା ଫସଲରେ ବର୍ତ୍ତମାନ ସମୟରେ ଶୋଷକ ପୋକ ଯଥା ଜଉ ପୋକ ଓ ପତ୍ର ଉକୁଣି ପୋକ ସମ୍ଭାବନା ରହିଛି । ପ୍ରାଥମିକ ଅବସ୍ଥାରେ ଏହି ପୋକର ପରିଚାଳନା ପାଇଁ ଏକର ପ୍ରତି ୬୦୦ ମିଲି ନିମ୍ବ ଆଧାରିତ କୀଟନାଶକ କୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । ରାସାୟନିକ ଉପାୟରେ ଏକର ପ୍ରତି ୪୦ ଗ୍ରାମ ଥାୟମେଥୋକଜାମ ନାମକ କୀଟନାଶକ କିମ୍ବା ୫୦ ଗ୍ରାମ ଏସିଟାମିପ୍ରିଡ ନାମକ କୀଟନାଶକ କିମ୍ବା ୪୦୦ ମିଲି ପ୍ରୋଫେନୋଫସ ଓ ଫେନପାଇରୋକ୍ସିମାଇଟ ର ମିଳିତ କୀଟନାଶକ କୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |
| ଫୁଲକୋବି | କୋବି ଫସଲରେ ବୋରନ ଅଣୁସାର ଜନିତ ଗଠନଗତ ସମସ୍ୟା ର ପରିଚାଳନା ପାଇଁ ପ୍ରତି ୪ କିଲୋଗ୍ରାମ ବୋରାକ୍ସ କୁ ଶେଷ ଓଡ ଚାଷ ସମୟରେ ପ୍ରୟୋଗ କରନ୍ତୁ । ଶେଷ ଓଡ ଚାଷ ସମୟରେ ଜମିରେ ପ୍ରୟୋଗ କରି ନ ଥିଲେ ଚାରା ରୋପଣ ର ୨ ସପ୍ତାହ ପରେ ଏବଂ ଫୁଲ କଢ ଧରିବାର ୨ ସପ୍ତାହ ପୂର୍ବରୁ ପ୍ରତି ଲିଟର ପାଣିରେ ୨.୫ ଗ୍ରାମ ବୋରାକ୍ସ କିମ୍ବା ୧-୧.୫ ଗ୍ରାମ ଫୋଲିବୋର କିମ୍ବା ସୋଲୁବୋର ମିଶାଇ ପତ୍ର ରେ ସିଂଚନ କରନ୍ତୁ । |
| ବନ୍ଧାକୋବି | ଆଗୁଆ ଲଗା ଯାଇଥିବା କୋବି ଫସଲରେ ବର୍ତ୍ତମାନ ସମୟରେ ଠିକିରି ପିଠିଆ ପୋକ ଲାଗିବାର ସମ୍ଭାବନା ରହିଛି । ଠିକିରି ପିଠିଆ ପୋକ ର ଶୁକ ଗୁଡକି ପତ୍ର ତଳପଟେ ପତ୍ର ଭିତର କୁ ପଶି ସବୁଜ ଅଂଶ କୋରି ଖାଆନ୍ତି । ଏମାନଙ୍କ ଦ୍ୱାରା ଆକ୍ରାନ୍ତ ପତ୍ର ଗୁଡିକ ଧଳା ଦିଶେ । ପରବର୍ତ୍ତୀ ଅବସ୍ଥାରେ ଏମାନେ ବନ୍ଧାକୋବି ଭିତରକୁ ପ୍ରବେଶ କରି ଏହାର କଅଁଳିଆ ମଝିପତ୍ର କୁ ଖାଆନ୍ତି ଏବଂ ମଳତ୍ୟାଗ କରନ୍ତି । ଆକ୍ରାନ୍ତ କୋବି ଖାଇବା ଅନୁପଯୋଗୀ ହୋଇଥାଏ । କୋବି ଫସଲରେ ଠିକିରି ପିଠିଆ ପୋକ ର ପରିଚାଳନା ପାଇଁ ଏକର ପ୍ରତି ୬-୮ ଟି ଆଲୋକ ଯନ୍ତା ଲଗାନ୍ତୁ । ପ୍ରାଥମିକ ଅବସ୍ଥାରେ ଏହି ପୋକ ର ପରିଚାଳନା ପାଇଁ ଏକର ପ୍ରତି ୧-ଲିଟର ନିମ୍ବ ଆଧାରିତ କୀଟନାଶକ କୁ ୨୦୦-ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । ରାସାୟନିକ ଉପାୟରେ ଏହି କୀଟର ପରିଚାଳନା ପାଇଁ ଏକର ପ୍ରତି ୪୦୦-ମିଲି Tolfenpyrad ନାମକ କୀଟନାଶକ କିମ୍ବା ୨୦-ଗ୍ରାମ Flubendiamide ନାମକ କୀଟନାଶକ କିମ୍ବା ୮୦-ଗ୍ରାମ Emamectin Benzoate 5 % SG କୁ, 200- ଲିଟର ପାଣି ରେ ମିଶାଇ ସିଞ୍ଚନ କରନ୍ତୁ । |

## ପଶୁ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ପଶୁ ପାଳନ | ପଶୁ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଗାଈ | ଗାଈଗୋରୁ ମାନଙ୍କୁ FMD, Haemorrhagic Septicaemia, Black Quarter, Enterotoxemia ଆଦି ରୋଗ ପାଇଁ ଟୀକାକରଣ କରନ୍ତୁ । ଶୀତ ଋତୁ ରେ ଗାଈଗୋରୁ ମାନଙ୍କ ପାଇଁ ପର୍ଯ୍ୟାପ୍ତ ଗୋଖାଦ୍ୟ ଓ ଘାସ ସାଇତି ରଖନ୍ତୁ । |

## କୁକୁଡ଼ା ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| କୁକୁଡ଼ା ପାଳନ | କୁକୁଡ଼ା ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଚିଚକ | ବର୍ତ୍ତମାନ ତାପମାତ୍ରା କମ ରହୁଥିବାରୁ କୁକୁଡା ଘରେ ତାପମାତ୍ରା ନିୟନ୍ତ୍ରଣ ରଖିବା ନିହାତି ଜରୁରୀ । ତେଣୁ ତାପମାତ୍ରା ନିୟନ୍ତ୍ରଣ କରିବା ପାଇଁ କୁକୁଡା ଗୃହ ରେ ଇଲେକ୍ଟ୍ରିକ୍ ବଲ୍ବ କିମ୍ବା ହିଟର ଲଗାନ୍ତୁ ଓ ପଲିଥିନ୍ କିମ୍ବା ଝୋଟ ଅଖା ଦ୍ଵାରା ଆଚ୍ଛାଦିକରଣ କରନ୍ତୁ । |